# ଭୁବନେଶ୍ୱର ମହାନଗର ନିଗମ, ଭୁବନେଶ୍ୱର

## କର୍ପୋରେସନ୍ ଏଷ୍ଟାବ୍ଲିସ୍‌ମେଂଟ ଷ୍ଟାଣ୍ଡିଂ କମିଟି ବୈଠକ ବିବରଣୀ

ତା ୨୦.୦୩.୨୦୨୩ ରିଖ

ସମୟ-ଅପରାହ୍ନ ଘ.୪.୦୦ ଟିକା
ସ୍ଥାନ-BMC-ICOMC ର ତଳ ମହଲା
ସ୍ଥିତ, କ୍ଷୁଦ୍ର ସଭାକକ୍ଷ

ଉପସ୍ଥିତ ସଭ୍ୟ/ସଭ୍ୟା :-

୧. ଶ୍ରୀ କୁମାରେନ୍ଦ୍ର ମହାପାତ୍ର, ଚେୟାରମ୍ୟାନ୍,
୨. ଶ୍ରୀ ଦୀପକ କୁମାର ମିଶ୍ର,
୩. ଶ୍ରୀ ଅଚ୍ୟୁତାନନ୍ଦ ସ୍ୱାଇଁ,
୪. ଶ୍ରୀମତୀ ବନ୍ଦିତା ପାଲ୍,
୫. ଶ୍ରୀମତୀ କିରଣବାଳା ମାଝୀ,
୬. ଶ୍ରୀମତୀ ଧରିତ୍ରୀ ଜେନା,
୭. ଶ୍ରୀମତୀ ଲକ୍ଷ୍ମୀପ୍ରିୟା ପରିଡ଼ା

ଅଦ୍ୟ ତା ୨୦.୦୩.୨୦୨୩ ରିଖ ଅପରାହ୍ନ ଘ.୪.୦୦ ଟିକା ସମୟରେ BMC-ICOMC ର ତଳ ମହଲା (LG Floor) ସ୍ଥିତ, କ୍ଷୁଦ୍ର ସଭାକକ୍ଷ (Mini Conference Hall) ରେ ଭୁବନେଶ୍ୱର ମହାନଗର ନିଗମର କର୍ପୋରେସନ୍ ଏଷ୍ଟାବ୍ଲିସ୍‌ମେଂଟ ଷ୍ଟାଣ୍ଡିଂ କମିଟିର ଏକ ବୈଠକ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ କମିଟିର ସଭାପତି ଶ୍ରୀ କୁମାରେନ୍ଦ୍ର ମହାପାତ୍ର ସଭାପତିତ୍ୱ କରିଥିଲେ । ପ୍ରାରମ୍ଭରେ ସଭାପତି ଉପସ୍ଥିତ ସଭ୍ୟ/ସଭ୍ୟା ମାନଙ୍କୁ ସ୍ୱାଗତ କରିବା ପରେ ସଭା କାର୍ଯ୍ୟ ଆରମ୍ଭ ହୋଇଥିଲା ।

ପ୍ରସ୍ତାବ-୧. ସଭାପତିଙ୍କ ଅନୁମତି କ୍ରମେ ନିମ୍ନଲିଖିତ ପ୍ରସ୍ତାବ ଉପରେ ଆଲୋଚନା କରାଯାଇ ନିମ୍ନମତେ ସିଦ୍ଧାନ୍ତ ଗ୍ରହଣ କରାଗଲା ।

ନିର୍ଦ୍ଧାରଣ-୧(୧). ଭୁବନେଶ୍ୱର ମହାନଗର ନିଗମରେ ଦୀର୍ଘ ଦିନ ହେବ DLR/CLR ମାନେ ସ୍ୱଳ୍ପ ପାରିଶ୍ରମିକରେ କାର୍ଯ୍ୟ କରୁଛନ୍ତି । ସେମାନଙ୍କ ମଧ୍ୟରୁ କେତେକ ମୃତ୍ୟୁବରଣ କରିସାରିଲେଣି ଏବଂ ଅନେକ ଅବସର ଗ୍ରହଣ କରିସାରିଲେଣି । ଅପର ପକ୍ଷରେ ଭୁବନେଶ୍ୱର ମହାନଗର ନିଗମରେ out sourcing ମାଧ୍ୟମରେ ବିଭିନ୍ନ କର୍ମଚାରୀ ରଖାଯାଇଅଛି, ଯେଉଁମାନଙ୍କର ପାରିଶ୍ରମିକ DLR/CLR ମାନେ ପାଉଥିବା ପାରିଶ୍ରମିକ ଠାରୁ ଅଧିକ ଅଟେ । DLR/CLR ମାନେ ଦୀର୍ଘ ଦିନ ଧରି ନିରବଚ୍ଛିନ୍ନ ଭାବେ ନିଗମକୁ ସେବା ଦେବାପରେ ମଧ୍ୟ ସେମାନଙ୍କର ଚାକିରୀ ନିୟମିତ କରାଯାଇନାହିଁ, ଅପର ପକ୍ଷରେ ସେମାନେ out sourcing କର୍ମଚାରୀଙ୍କ ଭଳି ସମାନ କାମ କରୁଥିଲେ ମଧ୍ୟ ସେମାନଙ୍କ ଠାରୁ କମ୍ ଦରମା ପାଉଛନ୍ତି, ତେଣୁ DLR/CLR ମାନଙ୍କର ଚାକିରୀ ନିୟମିତ କରିବା ପାଇଁ କିମ୍ବା ଦରମା ବୃଦ୍ଧି କରିବା ପାଇଁ ରାଜ୍ୟ ସରକାରଙ୍କୁ ଅନୁରୋଧ କରିବା ସହିତ ସେମାନଙ୍କର Incentive ବୃଦ୍ଧି କରିବା ନିମନ୍ତେ ସର୍ବ ସମ୍ମତିକ୍ରମେ ମେୟରଙ୍କୁ ସୁପାରିଶ କରାଗଲା ।

ସର୍ବ ଶେଷରେ ସମସ୍ତ ସଭ୍ୟ/ସଭ୍ୟା ମାନେ ବୈଠକରେ ଉପର ବର୍ଣ୍ଣିତ ଆଲୋଚନାରେ ଅଂଶଗ୍ରହଣ କରି ସୁଚିନ୍ତିତ ମତାମତ ପ୍ରଦାନ କରିଥିବାରୁ ସଭାପତି ସମସ୍ତଙ୍କୁ ଧନ୍ୟବାଦ ଦେବା ପରେ ଅପରାହ୍ନ ୫.୫୦ ମିନିଟ୍ ସମୟରେ ସଭା ସାଙ୍ଗ କରାଗଲା ।

ସ୍ୱା/- କୁମାରେନ୍ଦ୍ର ମହାପାତ୍ର
ସଭାପତି
ତା ୨୦.୦୩.୨୦୨୩ ରିଖ